# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

### 30 March – 2025

# ମନ୍ କି ବାତ୍

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆଜି ପୂର୍ବାହ୍ନ ୧୧ଟା ବେଳେ ଆକାଶବାଣୀର ମନ୍ କି ବାତ୍ କାର୍ଯ୍ୟକ୍ରମରେ ଉଦ୍‌ବୋଧନ ଦେବେ । ଏହା ହେବ ମନ୍ କି ବାତ୍ କାର୍ଯ୍ୟକ୍ରମର ୧୨୦ତମ ସଂସ୍କରଣ । ଏହି କାର୍ଯ୍ୟକ୍ରମ ଆକାଶବାଣୀ ଓ ଦୂରଦର୍ଶନର ସମସ୍ତ ନେଟୱର୍କ, ଆକାଶବାଣୀ ୱେବ୍‌ସାଇଟ୍ ଓ Newsonair ମୋବାଇଲ୍ App ରେ ଉପଲବ୍ଧ ହେବ । ଏହା ମଧ୍ୟ ଆକାଶବାଣୀ, DD News, PMO ଏବଂ ସୂଚନା ଓ ପ୍ରସାରଣ ମନ୍ତ୍ରଣାଳୟ ୟୁଟ୍ୟୁବ୍ ଚ୍ୟାନେଲ୍‌ରେ ସିଧା ପ୍ରସାରଣ ହେବ । ହିନ୍ଦୀ ଭାଷାରେ ପ୍ରସାରଣ ପରେ ଆକାଶବାଣୀରେ ଏହି କାର୍ଯ୍ୟକ୍ରମର ଆଞ୍ଚଳିକ ଭାଷାନ୍ତରଣ ପ୍ରସାରଣ କରାଯିବ । ରାତି ୮ଟାରେ ଆଞ୍ଚଳିକ ଭାଷାନ୍ତରଣର ପୁନଃ ପ୍ରସାରଣ କରାଯିବ ।

# ବିଧାନସଭା-ବ୍ୟୟମଞ୍ଜୁରୀ ବିଲ୍

ଆସନ୍ତା ଆର୍ଥିକ ବର୍ଷ ପାଇଁ ୨ଲକ୍ଷ ୯୦ ହଜାର କୋଟି ଟଙ୍କାର ବ୍ୟୟମଞ୍ଜୁରୀ ବିଲ୍ ଗତକାଲି ବିଧାନସଭାରେ ଗୃହୀତ ହୋଇଛି । ବିଲ୍ ଆଲୋଚନାର ଉତ୍ତରରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ବିଭିନ୍ନ କ୍ଷେତ୍ରରେ ସରକାରଙ୍କ ପକ୍ଷରୁ ନିଆଯାଉଥିବା ଉନ୍ନୟନମୂଳକ ପଦକ୍ଷେପ

ଉପରେ ଆଲୋକପାତ କରିଥିଲେ । ୨୦୩୬ ସମୃଦ୍ଧ ଓଡ଼ିଶା ଲକ୍ଷ୍ୟ ହାସଲ ଲାଗି ଆସନ୍ତା ଆର୍ଥିକ ବର୍ଷର ବଜେଟ୍ ସହାୟତା ପ୍ରଦାନ କରିବ । ଆସନ୍ତା ମାସ ପହିଲାରୁ ସମଗ୍ର ରାଜ୍ୟରେ ଆୟୁଷ୍ମାନ ଭାରତ ପ୍ରଧାନମନ୍ତ୍ରୀ ଜନଆରୋଗ୍ୟ ଯୋଜନା - ଗୋପବନ୍ଧୁ ଜନଆରୋଗ୍ୟ ଯୋଜନା କାର୍ଯ୍ୟକାରୀ ହେବ । ରାଜ୍ୟର ୨୯ହଜାର ବେସରକାରୀ ହସ୍ପିଟାଲରେ ଏହି ଯୋଜନା ଅଧୀନରେ ଉନ୍ନତ ସ୍ୱାସ୍ଥ୍ୟସେବା ଯୋଗାଇ ଦିଆଯିବ ବୋଲି ମୁଖ୍ୟମନ୍ତ୍ରୀ ସୂଚନା ଦେଇଥିଲେ ।

## ମୁଖ୍ୟମନ୍ତ୍ରୀ-ଜନଶୁଣାଣି

ମୁଖ୍ୟମନ୍ତ୍ରୀଙ୍କ ଜନ ଅଭିଯୋଗ ଶୁଣାଣି ଆସନ୍ତାକାଲି ବନ୍ଦ ରହିବ । ସରକାରୀ ଛୁଟି ଦିନ ଥିବା ହେତୁ ଭୁବନେଶ୍ୱର ୟୁନିଟ୍-୫ ସ୍ଥିତ ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ପ୍ରକୋଷ୍ଠଠାରେ ଶୁଣାଣି କାର୍ଯ୍ୟକ୍ରମ ହେବନାହିଁ । ପରବର୍ତ୍ତୀ ଅଭିଯୋଗ ଶୁଣାଣିର ତାରିଖ ଗଣମାଧ୍ୟମ ଜରିଆରେ ଜଣାଇ ଦିଆଯିବ ବୋଲି ରାଜ୍ୟ ସାଧାରଣ ପ୍ରଶାସନ ଓ ସାଧାରଣ ଅଭିଯୋଗ ବିଭାଗ ପକ୍ଷରୁ ସୂଚନା ଦିଆଯାଇଛି ।

## ଅନ୍ତ୍ୟୋଦୟ ଗୃହ ଯୋଜନା

ରାଜ୍ୟରେ ଅନ୍ତ୍ୟୋଦୟ ଗୃହ ଯୋଜନା ଆଜିଠାରୁ ଆରମ୍ଭ ହେବ । କଳାହାଣ୍ଡି ଜିଲ୍ଲା ଭବାନୀପାଟଣାଠାରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଏହାର ଶୁଭାରମ୍ଭ କରିବେ । ମୁଖ୍ୟମନ୍ତ୍ରୀ ଏହି ଅବସରରେ ୬୦୦ କୋଟି

ଟଙ୍କାରୁ ଊର୍ଦ୍ଧ୍ୱ ବ୍ୟୟ ଅଟକଳରେ ବିଭିନ୍ନ ଉନ୍ନୟନ ପ୍ରକଳ୍ପର ଭିତ୍ତିପ୍ରସ୍ତର ଓ ଲୋକାର୍ପଣ କରିବେ । ଦାରିଦ୍ର୍ୟ ସୀମାରେଖା ତଳେ ଥିବା ପରିବାରଙ୍କୁ ପକ୍କା ଘର ଯୋଗାଇଦେବା ଲକ୍ଷ୍ୟନେଇ ଆଗାମୀ ୩ ବର୍ଷରେ ଏହି ଯୋଜନାରେ ସରକାର ୭ହଜାର ୫୫୦କୋଟି ଟଙ୍କା ଖର୍ଚ୍ଚ କରିବାର ଲକ୍ଷ୍ୟ ରଖିଛନ୍ତି ।

## ରଥଯାତ୍ରା ପ୍ରସ୍ତୁତି-ବୈଠକ

ଆଗାମୀ ରଥଯାତ୍ରା ପ୍ରସ୍ତୁତି ନେଇ ଏକ ବୈଠକ ଶ୍ରୀମନ୍ଦିର କାର୍ଯ୍ୟାଳୟ ପରିସରରେ ଗତ ସଂଧ୍ୟାରେ ଅନୁଷ୍ଠିତ ହୋଇଛି । ଅକ୍ଷୟତୃତୀୟା ସୁଦ୍ଧା ଭିତର ଏବଂ ବାହାର ରତ୍ନ ଭଣ୍ଡାରର ମରାମତି କାର୍ଯ୍ୟ ଶେଷ କରିବାକୁ ଲକ୍ଷ୍ୟ ରଖାଯାଇଛି । ଶ୍ରୀମନ୍ଦିରରେ ନିଆଯିବାକୁ ଥିବା ଅନ୍ୟାନ୍ୟ ପଦକ୍ଷେପଗୁଡ଼ିକ ଉପରେ ବୈଠକରେ ଆଲୋଚନା ହୋଇଥିବା ନେଇ ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ଅରବିନ୍ଦ ପାଢ଼ୀ ସୂଚନା ଦେଇଛନ୍ତି...

## V/o-

## ଜାତୀୟ ସମର ଶିକ୍ଷାର୍ଥୀ ବାହିନୀ

ଜାତୀୟ ସମର ଶିକ୍ଷାର୍ଥୀ ବାହିନୀ ଏନ୍‌ସିସିର କ୍ୟାଡେଟ୍ ସମ୍ପ୍ରସାରଣ ଏବଂ ଅନ୍ୟାନ୍ୟ ଆନୁଷଙ୍ଗିକ ପ୍ରସଙ୍ଗ ନେଇ ମୁଖ୍ୟ ଶାସନ ସଚିବ ମନୋଜ ଆହୁଜାଙ୍କ ଅଧ୍ୟକ୍ଷତାରେ ଏକ ବୈଠକ ଭୁବନେଶ୍ୱରଠାରେ ଅନୁଷ୍ଠିତ ହୋଇଯାଇଛି । ରାଜ୍ୟରେ ଏନ୍‌ସିସି କ୍ୟାଡେଟ୍ ସଂଖ୍ୟା ୯୦ହଜାରକୁ ବୃଦ୍ଧି

କରିବା ଲାଗି ଗ୍ରହଣ କରାଯାଇଥିବା ପଦକ୍ଷେପଗୁଡ଼ିକ ଉପରେ ଉଚ୍ଚଶିକ୍ଷା ବିଭାଗର କମିଶନର ତଥା ଶାସନ ସଚିବ ଅରବିନ୍ଦ ଅଗ୍ରୱାଲ ସୂଚନା ଦେଇଛନ୍ତି । ଏନ୍‌ସିସି କ୍ୟାଡେଟ୍‌ଙ୍କ ତାଲିମ ଏବଂ ଅନ୍ୟାନ୍ୟ ପ୍ରସଙ୍ଗ ନେଇ ବୈଠକରେ ବିସ୍ତୃତ ଆଲୋଚନା ହୋଇଛି । ଏଥିରେ ଓଡ଼ିଶା ସମର ଶିକ୍ଷାର୍ଥୀ ବାହିନୀ ନିର୍ଦ୍ଦେଶାଳୟର ନିର୍ଦ୍ଦେଶକ କର୍ଣ୍ଣେଲ ସାଗର କୁମାର ମହାନ୍ତି ଯୋଗ ଦେଇଥିଲେ ।

## ରାଜ୍ୟ ପାନୀୟ ନିଗମ

ଓଡ଼ିଶା ରାଜ୍ୟ ପାନୀୟ ନିଗମ ପକ୍ଷରୁ ଚଳିତ ଆର୍ଥିକ ବର୍ଷ ପାଇଁ ୨୫ କୋଟି ଟଙ୍କାର ଅନ୍ତରୀଣ ଲାଭାଂଶ ସରକାରଙ୍କୁ ପ୍ରଦାନ କରାଯାଇଛି । ମୁଖ୍ୟମନ୍ତ୍ରୀଙ୍କ ରିଲିଫ ପାଣ୍ଠିକୁ ମଧ୍ୟ ୧୨ କୋଟି ଟଙ୍କାର ସହାୟତା ରାଶି ନିଗମ ପକ୍ଷରୁ ଦିଆଯାଇଛି । ଭୁବନେଶ୍ୱର ଲୋକସେବା ଭବନଠାରେ ନିଗମର ଅଧ୍ୟକ୍ଷ ତଥା ଅବକାରୀ ବିଭାଗର କମିଶନର ଓ ଶାସନ ସଚିବ ଗୁହାପୁନମ ତାପସକୁମାର ଏହି ଅର୍ଥରାଶି ମୁଖ୍ୟ ଶାସନ ସଚିବ ମନୋଜ ଆହୁଜାଙ୍କୁ ପ୍ରଦାନ କରିଛନ୍ତି ।

## ଗ୍ରୀଷ୍ମପ୍ରବାହ-ବୈଠକ

ରାଜ୍ୟରେ ଗ୍ରୀଷ୍ମ ପ୍ରକୋପର ମୁକାବିଲାକୁ ଦୃଷ୍ଟିରେ ରଖି ଏକ ପ୍ରସ୍ତୁତି ବୈଠକ ମୁଖ୍ୟ ଶାସନ ସଚିବ ମନୋଜ ଆହୁଜାଙ୍କ ଅଧ୍ୟକ୍ଷତାରେ ଭୁବନେଶ୍ୱର ଲୋକସେବା ଭବନଠାରେ ଅନୁଷ୍ଠିତ ହୋଇଛି । ମୁଖ୍ୟମନ୍ତ୍ରୀଙ୍କ

ଅଧ୍ୟକ୍ଷତାରେ ଗତ ୧୮ ତାରିଖରେ ଅନୁଷ୍ଠିତ ବୈଠକରେ ଗ୍ରୀଷ୍ମ ମୁକାବିଲା ନେଇ ଗ୍ରହଣ କରାଯାଇଥିବା ନିଷ୍ପତ୍ତିର କାର୍ଯ୍ୟକାରୀତା ଉପରେ ବୈଠକରେ ବିସ୍ତୃତ ଆଲୋଚନା ହୋଇଛି । ପରିସ୍ଥିତିକୁ ନିୟମିତ ଭାବେ ତଦାରଖ କରିବାକୁ ଜିଲ୍ଲାପାଳମାନଙ୍କୁ ନିର୍ଦ୍ଦେଶ ଦିଆଯାଇଛି । ଏ ସଂକ୍ରାନ୍ତ ମାର୍ଗଦର୍ଶିକାକୁ କଡାକଡିଭାବେ ପାଳନ କରିବାକୁ କୁହାଯାଇଛି । ଏଥିସହ ଗ୍ରୀଷ୍ମପ୍ରବାହ ନେଇ ଜନସଚେତନତା ବୃଦ୍ଧି ଲକ୍ଷ୍ୟରେ ଆବଶ୍ୟକ ପଦକ୍ଷେପ ଗ୍ରହଣ କରିବାକୁ ସୂଚନା ଓ ଲୋକସମ୍ପର୍କ ବିଭାଗକୁ ନିର୍ଦ୍ଦେଶ ଦିଆଯାଇଛି ।

## ସମବାୟ ବର୍ଷ ପାଳନ-ବୈଠକ

ଦେବଗଡ ଜିଲ୍ଲାରେ ସମବାୟ ବର୍ଷ ପାଳନ ନେଇ ଏକ ବୈଠକ ଜିଲ୍ଲାପାଳଙ୍କ ସମ୍ମିଳନୀ କକ୍ଷଠାରେ ଗତକାଲି ଅନୁଷ୍ଠିତ ହୋଇଛି । ଜିଲ୍ଲାପାଳ କବିନ୍ଦ୍ର କୁମାର ସାହୁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ବୈଠକରେ ସମବାୟ ସମିତି ଉପନିବନ୍ଧକ ମନିକା ରାୟ ଯୋଗଦେଇ ଜିଲ୍ଲାରେ କାର୍ଯ୍ୟକାରୀ ହେଉଥିବା ସମବାୟ କାର୍ଯ୍ୟକ୍ରମଗୁଡ଼ିକ ଉପରେ ଆଲୋଚନା କରିଥିଲେ । ଏଥିରେ ଜିଲ୍ଲାସ୍ତରୀୟ ବିଭିନ୍ନ ବିଭାଗୀୟ ଅଧିକାରୀ ଯୋଗଦେଇଥିଲେ ।

## ବାଇକ୍ ର୍ୟାଲି

ଆଗାମୀ ଓଡ଼ିଆ ନବବର୍ଷ ପାଳନ ନେଇ ନୂଆପଡା ଜିଲ୍ଲା ଖଡିଆଳ ହିନ୍ଦୁ ନବବର୍ଷ ପାଳନ କମିଟି ପକ୍ଷରୁ ଏକ ବାଇକ୍ ର୍ୟାଲି ଗତକାଲି ଅନୁଷ୍ଠିତ ହୋଇଯାଇଛି । ଏଥିରେ ଆଖପାଖ ଅଞ୍ଚଳର ବହୁ ଲୋକ ଯୋଗ ଦେଇଥିଲେ । ସମଲେଶ୍ୱରୀ ମନ୍ଦିର ପରିସରରୁ ବାହାରିଥିବା ଏହି ର୍ୟାଲି ଖଡ଼ିଆଳ ନଗର ପରିକ୍ରମା କରିଥିଲା ।

## ତାପମାତ୍ରା

ରାଜ୍ୟରେ ଗ୍ରୀଷ୍ମର ପ୍ରକୋପ ବୃଦ୍ଧି ପାଇଛି । ୨ ଦିନ ପର୍ଯ୍ୟନ୍ତ ରାଜ୍ୟର ଆଭ୍ୟନ୍ତରୀଣ ଏବଂ ପଶ୍ଚିମାଞ୍ଚଳ ଜିଲ୍ଲା ଗୁଡ଼ିକରେ ଅଧିକ ଗୁଳୁଗୁଳି ଏବଂ ରୌଦ୍ରତାପ ଅନୁଭୂତ ହେବ ବୋଲି ଭୁବନେଶ୍ୱରସ୍ଥିତ ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ସୂଚନା ଦେଇଛି । ଦିନ ତାପମାତ୍ରା ୩ ଡିଗ୍ରୀ ସେଲସିୟସ ଯାଏ ବୃଦ୍ଧି ପାଇବାର ସମ୍ଭାବନା ଅଛି । ରାଜ୍ୟର କେତେକ ସହରର ତାପମାତ୍ରା ୪୦ଡିଗ୍ରୀ ସେଲସିୟସ ଉପରେ ରେକର୍ଡ କରାଯାଇଥିଲା ।